# ଶ୍ରୀରାମଚନ୍ଦ୍ର ଭଞ୍ଜଦେଓଙ୍କ ଜୟନ୍ତୀ



କଟକ, ୧୧।୬ (ଇମିସ): ସାହିତ୍ୟ ଏକାଡେମି ଓ ଉତ୍କଳ ସାହିତ୍ୟ ସମାଜର ମିଳିତ ଆନୁକୂଲ୍ୟରେ ସ୍ଥାନୀୟ ଶ୍ରୀରାମଚନ୍ଦ୍ର ଭବନରେ ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓଙ୍କ ୧୫୦ ତମ ଜୟନ୍ତୀ ପାଳନ ଅବସରରେ ଏକ ଆଲୋଚନାଚକ୍ର ହୋଇଥିଲା। ଏହି ଉତ୍ସବକୁ ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର କିଶୋର ବଶା ଉଦ୍‌ଘାଟନ କରିଥିଲେ। ଉତ୍କଳ ସାହିତ୍ୟ ସମାଜର ସଭାପତି ତରୁଣ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉତ୍ସବରେ ଆଲୋଚକ ଭାବେ ବରିଷ୍ଠ ପ୍ରଶାସକ ପ୍ରଦୀପ ବିଶ୍ୱାଳ ଓ ଅଧ୍ୟାପକ ଅଭିରାମ ବିଶ୍ୱାଳ ମହାରାଜାଙ୍କ ବ୍ୟକ୍ତିତ୍ୱ ସମ୍ପର୍କରେ କହିଥିଲେ। ପ୍ରାରମ୍ଭରେ ସାହିତ୍ୟ ଏକାଡେମିର କାର୍ଯ୍ୟକ୍ରମ ଅଧିକାରୀ ମିହିର ସାହୁ ସ୍ୱାଗତ ଭାଷଣ ଦେଇଥିଲେ। ପ୍ରଫେସର ବିଜୟାନନ୍ଦ ସିଂହ କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ଦେଇଥିଲେ। ଉତ୍କଳ ସାହିତ୍ୟ ସମାଜର କାର୍ଯ୍ୟନିର୍ବାହିକା ସମିତି ସଦସ୍ୟ ବ୍ରହ୍ମାନନ୍ଦ ବିଶ୍ୱାଳ ଅତିଥିମାନଙ୍କୁ ମଞ୍ଚକୁ ଆମନ୍ତ୍ରଣ କରିଥିବା ବେଳେ ସଂଗଠନ ସମ୍ପାଦକ ଆଦିତ୍ୟ ପ୍ରତାପ ଧଳ ଧନ୍ୟବାଦ ଅର୍ପଣ କରିଥିଲେ। ଏହି ଅବସରରେ କୁଳପତି ପ୍ରଫେସର ବଶାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।




CUTTACK Edition
Page No.17 June 12, 2022

Sriramchandra Bhanja Deo 150th birth anniversary news published in the 'Sambad' daily odia newspaper